# ନ୍ୟାସନାଲ କଲେଜରେ ଖେଳ ଓ କ୍ରୀଡା ପ୍ରତିଯୋଗିତା ଅନୁଷ୍ଠିତ





ନୂଆପଡ଼ା (ମାନିସ) : ଆଜି ନ୍ୟାସନାଲ କଲେଜ ଠାରେ ଖେଳ ଓ କ୍ରୀଡା ପ୍ରତିଯୋଗିତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଜିଲ୍ଲା ଯୁବ ବିଜୁ ଜନତା ଦଳର ଜିଲ୍ଲା ସଭାପତି ହରିଶ୍ଚନ୍ଦ୍ର ପଣ୍ଡା ଯୋଗଦାନ କରି ପୂଜାର୍ଚ୍ଚନା କରିବା ସହ କାର୍ଯ୍ୟକ୍ରମର ଉଦଘାଟନ କରିଥିଲେ । ସମ୍ମାନିତ ଅତିଥି ଭାବରେ ଅଧ୍ୟକ୍ଷ ହିତେଶ ସାହୁ, ଦୁର୍ଲଭ ଚରଣ ବେହେରା, ବୈଦ୍ୟନାଥ ଗଡିଆ, ନୃସିଂହ ଚରଣ ସାହୁ ପ୍ରମୁଖ ଉପସ୍ଥିତ ଥିଲେ, +୨/+୩ ଛାତ୍ରଛାତ୍ରୀଙ୍କ ଦ୍ୱାରା ରସି ଟଣା ଟୋଗ ଅଫ ୱାର ପ୍ରତିଯୋଗିତା ଆୟୋଜନ କରାଯାଇଥିଲା । ନୋଡାଲ ଅଧିକାରୀ ପ୍ରକାଶ କୁମାର ସାହୁ ମଞ୍ଚ ପରିଚାଳନା କରିଥିବାବେଳେ ଅଧ୍ୟାପକ ଦୁର୍ଲଭ ଚରଣ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ । ଉକ୍ତ କାର୍ଯ୍ୟକ୍ରମରେ ସମସ୍ତ ଅଧ୍ୟାପକ ଅଧ୍ୟାପିକା ଏବଂ ନାସନାଲ କଲେଜର ସମସ୍ତ ଛାତ୍ର ଛାତ୍ରୀ ଉପସ୍ଥିତ ଥିଲେ ।